ପ୍ରେସ୍‌ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୬୪ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୦୫୦୪ ରେ ପହଞ୍ଚିଲା - ସୁସ୍ଥ ହେଲେ ୮୪ ଜଣ ।

ଅନୁଗୋଳ, ତା,୨୧.୧୧:- ଆଜି ଅନୁଗୋଳ ଜିଲ୍ଲାରୁ ୬୪ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୬ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୧୮୧ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣ୍ଡରପାଳ ବ୍ଲକ୍ ଅଂଚଳରୁ ସର୍ବାଧିକ ୨୨ଜଣ ( ୧୮ଜଣ ପୁରୁଷ ଓ ୪ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୫ଜଣ( ୫ଜଣ ପୁରୁଷ ଓ୧୦ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୯ଜଣ( ୭ଜଣ ପୁରୁଷ ଓ ୨ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୭ଜଣ ( ୪ଜଣ ପୁରୁଷ ଓ୩ ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୬ଜଣ ( ୫ଜଣ ପୁରୁଷ ଓ ୧ଜଣ ମହିଳା) ଓ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୫ଜଣ ( ୪ଜଣ ପୁରୁଷ ଓ ୧ଜଣ ମହିଳା)ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି ଅନୁଗୋଳ ବ୍ଲକ୍, ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ , କିଶୋରନଗର ବ୍ଲକ୍, ପାଲଲହଡା ବ୍ଲକ୍ ଓ ତାଳଚେର ପୌରାଞ୍ଚଳ ପ୍ରଭୃତି ୫ ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଜିଲ୍ଲାପାଳଙ୍କ ନିର୍ଦ୍ଦେଶକ୍ରମେ ଜିଲ୍ଲାର ସମସ୍ତ ଅଂଚଳରେ କୋଭିଡ୍ ନିୟମ ଆଧାରରେ ଯାଞ୍ଚ କାର୍ଯ୍ୟ (Enforcement) କଡା କଡି ଭବେ ଚାଲୁ ରହିଛି । ଆଜି ଅନୁଗୋଳ ଜିଲ୍ଲାରୁ ୮୪ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୩ଜଣ କୋଭିଡ ହସପିଟାଲରୁ ଓ ୮୧ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୬୧ ତା.୨୧.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

(signature) ୨୧।୧୧।୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ